# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଦାଖଲ ହୋଇଥିବା ସମୁଦାୟ ୪୯ଟି ଅଭିଯୋଗରୁ ୪୨ଟି ବ୍ୟକ୍ତିଗତ, ୦୭ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଜିଲ୍ଲା ରେଡକ୍ରସ ପାଣ୍ଠିରୁ ଚିକିତ୍ସା ନିମନ୍ତେ ଜଣଙ୍କୁ ୫ ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ କରାଯାଇଛି । ଏହାଛଡା ଅଭିଯୋଗ ହୋଇଥିବା ସମୁଦାୟ ୪୯ଟି ଅଭିଯୋଗ ମଧ୍ୟରୁ ୭ଟି ଅଭିଯୋଗର ଆଜିର ଶିବିରରେ ଫଇସଲା କରାଯାଇଥିଲା । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଜମି ବାଡି ସମ୍ବନ୍ଧୀୟ, ବିଧବା ଭତ୍ତା, ବାର୍ଦ୍ଧକ୍ୟ ଭତ୍ତା, ଚିକିତ୍ସା ସହାୟତା,ବିସ୍ଥାପିତ ଲୋକଂକ ସମସ୍ୟା ଓ ପ୍ରଧାନମନ୍ତ୍ରୀ ଆବାସ ସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ , ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ଲଳିତ ମୋହନ ବେହେରା, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଶ୍ରୀ ପ୍ରସନ୍ନ କୁମାର ବିଶ୍ୱାଳ, ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଂଜନ ସାହୁଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୬୬୩ ତା.୧୪.୧୧.୨୦୨୨

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

14.11.22

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ ।

